# ଦୁର୍ନୀତି ନିବାରଣ ସଚେତନତା ସପ୍ତାହ ପାଳନ ଉପଲକ୍ଷେ ଶୋଭାଯାତ୍ରା ଅନୁଷ୍ଠିତ ।

## Organisation of Rally for the observance of Vigilance Awareness Week.

ଅନୁଗୋଳ,ତା.୩୦.୧୦:- ଅକ୍ଟୋବର ୨୮ ତାରିଖରୁ ନଭେମ୍ବର ୨ ତାରିଖ ପର୍ଯ୍ୟନ୍ତ ପାଳିତ ହେଉଥିବା ଦୁର୍ନୀତି ନିବାରଣ ସଚେତନତା ସପ୍ତାହ ଉପଲକ୍ଷେ ଏକ ଶୋଭାଯାତ୍ରା ଆଜି ପୂର୍ବାହ୍ନରେ ଅନୁଗୋଳ ଜେଲ ପରିସରରୁ ବାହାରି ସହର ପରିକ୍ରମା କରି ଜିଲ୍ଲାପାଳଙ୍କ କାର୍ଯ୍ୟାଳୟ ପରିସରରେ ପହଞ୍ଚିଥିଲା । ଏହି ଶୋଭାଯାତ୍ରାରେ ପି ଟି ସି ନୋଡାଲ ଉଚ୍ଚ ବିଦ୍ୟାଳୟ ଅନୁଗୋଳ ଉଚ୍ଚ ବିଦ୍ୟାଳୟର ଛାତ୍ରମାନେ ଯୋଗ ଦେଇ ଦୁର୍ନୀତି ନିବାରଣ ସଚେତନତା ବାର୍ତ୍ତା ପ୍ରଦର୍ଶିତ କରିବା ସହ ସ୍ଲୋଗାନ ଦେଇ ସହର ପରିକ୍ରମା କରିଥିଲେ । ଏହି ଶୋଭାଯାତ୍ରାକୁ ଡି ଏସ୍ ପି ଭିଜିଲାନ୍ସ ଶ୍ରୀ ପ୍ରଦୀପ କୁମାର ପ୍ରଧାନ ଆନୁଷ୍ଠାନିକ ଭାବେ ପତାକା ଦେଖାଇ ଶୁଭାରମ୍ଭ କରିବା ସହ ଦୁର୍ନୀତିର ନିରାକରଣ ନିମନ୍ତେ ସଚେତନତା ସୃଷ୍ଟି ପାଇଁ ଛାତ୍ରମାନଙ୍କର ପ୍ରୟାସକୁ ପ୍ରଶଂସା କରିଥିଲେ । ଏହି ଶୋଭାଯାତ୍ରାକୁ ଅନୁଗୋଳ ଦୁର୍ନୀତି ନିବାରଣ ବିଭାଗର ଇନ୍ସପେକ୍ଟର ଶ୍ରୀ ଦଇତାରୀ ଘଡାଇ ,ଜିଲ୍ଲା ସୂଚନା ଓ ଲୋକ ସମ୍ପର୍କ ଅଧିକାରୀ ଶ୍ରୀ ଶରତ ଚନ୍ଦ୍ର ସେଠୀ,ଓଷ୍ଟାର ରାଜ୍ୟ ସ୍ତରୀୟ କାର୍ଯ୍ୟକାରୀ ସଭାପତି ଶ୍ରୀ ସରୋଜ କୁମାର ପାଣିଗ୍ରାହୀଙ୍କ ସମେତ ଦୁର୍ନୀତି ନିବାରଣ ବିଭାଗର କର୍ମଚାରୀ, ସମ୍ପୃକ୍ତ ଶିକ୍ଷାନୁଷ୍ଠାନର ଶିକ୍ଷକ ଓ ଶିକ୍ଷୟତ୍ରୀମାନେ ପରିଚାଳନା କରିଥିଲେ ।

